## ଓଡ଼ିଶାରେ ଚାଲିଥିବା ଏସଆଇଆର ର ୧୩ତମ ଦିନରେ ୯୭.୮୬% ଭୋଟରଙ୍କ ପାଖରେ ପହଞ୍ଚିଲା ଫର୍ମ,

- ୩କୋଟି ୨୩ ଲକ୍ଷ ୫୦ହଜାର ୬୭୦ ଭୋଟରଙ୍କୁ ଫର୍ମ ପ୍ରଦାନ।
- ୫୧ ଲକ୍ଷ ୩୧ହଜାର ୫୧ଜଣ ଭୋଟରଙ୍କର ପରିଗଣନା ଫର୍ମ ଡିଜିଟାଇଜ୍ କରାଯାଇଛି।

ଭୁବନେଶ୍ୱର ୧୧ ଜୁନ,

ଓଡ଼ିଶାରେ ଚାଲିଥିବା ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ (ଏସଆଇଆର) କାର୍ଯ୍ୟକ୍ରମ ୧୩ତମ ଦିନରେ ବଡ଼ ସଫଳତା ହାସଲ କରିଛି। ରାଜ୍ୟରେ ଏପର୍ଯ୍ୟନ୍ତ ୯୭.୮୬ ପ୍ରତିଶତ ଭୋଟରଙ୍କ ନିକଟରେ ଗଣନା ଫର୍ମ ପହଞ୍ଚାଇବାରେ ବୁଥ୍ ସ୍ତରୀୟ ଅଧିକାରୀ ମାନେ ସଫଳ ହୋଇଛନ୍ତି।

ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ତରଫରୁ ମିଳିଥିବା ସୂଚନା ଅନୁସାରେ, ରାଜ୍ୟର ମୋଟ ୩ କୋଟି ୨୩ ଲକ୍ଷ ୫୦ହଜାର ୬୭୦ଜଣ ଭୋଟରଙ୍କୁ ଫର୍ମ ବଣ୍ଟନ କରାଯାଇଛି, ତନ୍ମଧ୍ୟରୁ ୫୧ଲକ୍ଷ ୩୧ ହଜାର ୫୧ ଜଣ ଭୋଟର ଙ୍କର ଡିଜିଟାଇଜ୍ କରାଯାଇଛି, ଯାହା ସମଗ୍ର ପ୍ରକ୍ରିୟାର ଦ୍ରୁତ ଅଗ୍ରଗତିକୁ ସୂଚିତ କରୁଛି।

ଏହି ସଂଶୋଧନ ପ୍ରକ୍ରିୟାରେ ଫର୍ମ ବଣ୍ଟନ ଓ ଦାଖଲର ଶେଷ ତାରିଖ ଜୁନ୍ ୨୮ ରହିଛି। ତେଣୁ ଯେଉଁ ଭୋଟରମାନେ ଏପର୍ଯ୍ୟନ୍ତ ଫର୍ମ ଦାଖଲ କରିନାହାନ୍ତି, ସେମାନଙ୍କୁ ନିର୍ଦ୍ଧାରିତ ସମୟ ମଧ୍ୟରେ ସ୍ଥାନୀୟ ବିଏଲଓ ଙ୍କ ନିକଟରେ ଫର୍ମ ଦାଖଲ କରିବାକୁ ପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି।

ଏହାବ୍ୟତୀତ ଭୋଟରମାନେ ଚାହିଁଲେ ନିର୍ବାଚନ କମିଶନଙ୍କ ସରକାରୀ ୱେବସାଇଟ୍ (voters.eci.gov.in) ରୁ ଏହି ଫର୍ମ ଡାଉନଲୋଡ୍ କରି, ତଥ୍ୟ ପୂରଣ କରି ନିଜେ ମଧ୍ୟ ଅପଲୋଡ୍ କରିପାରିବେ।

ନିର୍ଦ୍ଧାରିତ ସମୟ ମଧ୍ୟରେ ଫର୍ମ ଦାଖଲ ନ କଲେ ଭୋଟର ତାଲିକାରୁ ନାମ ବାଦ୍ ପଡ଼ିବାର ସମ୍ଭାବନା ଥିବାରୁ ଏହାକୁ ଗୁରୁତ୍ୱର ସହ ନେବାକୁ ଭୋଟରମାନଙ୍କୁ ପରାମର୍ଶ ଦିଆଯାଇଛି।

ଏଥିସହ କୌଣସି ଭୋଟରଙ୍କର ଫର୍ମ ବଣ୍ଟନ, ସଂଶୋଧନ କିମ୍ବା ଅନ୍ୟ କୌଣସି ସମସ୍ୟା ଥିଲେ, ସେମାନେ ଟୋଲ୍-ଫ୍ରି ହେଲ୍ପଲାଇନ୍ ନମ୍ବର ୧୯୫୦ରେ ଯୋଗାଯୋଗ କରି ସହାୟତା ପାଇପାରିବେ।

ରାଜ୍ୟରେ ସ୍ୱଚ୍ଛ, ସଠିକ୍ ଓ ତ୍ରୁଟିମୁକ୍ତ ଭୋଟର ତାଲିକା ପ୍ରସ୍ତୁତ କରିବା ଲକ୍ଷ୍ୟରେ ଚାଲିଥିବା ଏହି ସ୍ୱତନ୍ତ୍ର ସଘନ ସଂଶୋଧନ ଅଭିଯାନରେ ସାଧାରଣ ଜନତାଙ୍କ ସକ୍ରିୟ ସହଯୋଗ ଲୋଡ଼ାଯାଇଛି। ବାକି ଥିବା ଭୋଟରମାନେ ଶେଷ ତାରିଖ ପୂର୍ବରୁ ଫର୍ମ ଦାଖଲ କରି ନିଜର ଭୋଟାଧିକାର ସୁନିଶ୍ଚିତ କରିବାକୁ କୁହାଯାଇଛି।

ବିଜୟାନନ୍ଦ ମଲ୍ଲିକ
ଲୋକସମ୍ପର୍କ ଅଧିକାରୀ।
ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ, ଭୁବନେଶ୍ୱର।